# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**13 June - 2024**

**News Editor : *Tapan Kumar Maharana***

**************************************

## ମୁଖ୍ୟ ସମ୍ବାଦ

- ଦେଶରେ ଜାତୀୟ ଶିକ୍ଷା ନୀତିକୁ ଅଧିକ କ୍ରିୟାନ୍ୱୟନ କରାଯିବ; କହିଲେ କେନ୍ଦ୍ର ଶିକ୍ଷା ମନ୍ତ୍ରୀ

– ରାଜ୍ୟରେ ପିଏମ୍‌ଶ୍ରୀ ସ୍କୁଲ ଏବଂ ପିଏମ୍ ଉଷାକୁ ସୁଦୃଢ଼ କରାଯିବ

- ରାଜ୍ୟ କ୍ୟାବିନେଟ୍‌ର ନିଷ୍ପତ୍ତି କ୍ରମେ ଭକ୍ତମାନଙ୍କ ପାଇଁ ଆଜିଠାରୁ ଖୋଲିଲା ଶ୍ରୀମନ୍ଦିରର ଚାରି ଦ୍ୱାର

- ଓଡ଼ିଶା ଡାକ ବିଭାଗ ନିଯୁକ୍ତିରେ ଜାଲିଆତି ଅଭିଯୋଗ ନେଇ ୬୭ଟି ସ୍ଥାନରେ ସିବିଆଇର ତଦନ୍ତ

ଏବଂ

- ସାଧାରଣ ବଣ୍ଟନ ବ୍ୟବସ୍ଥାରେ ରାସନ କାର୍ଡକୁ ଆଧାର ସହ ସଂଯୋଗ କରିବା ନିମନ୍ତେ ସମୟସୀମା ବୃଦ୍ଧି

*PR*

## କେନ୍ଦ୍ରଶିକ୍ଷା ମନ୍ତ୍ରୀ ଓ ରାଜ୍ୟ ପିଏମ୍‌ଶ୍ରୀ ସ୍କୁଲ

ଓଡ଼ିଶା ସମେତ ଭାରତବର୍ଷରେ ଜାତୀୟ ଶିକ୍ଷା ନୀତିର କ୍ରିୟାନ୍ୱୟନକୁ ଗତି ଦିଆଯିବ । ବିଶେଷ ଭାବରେ ଓଡ଼ିଶାରେ ନବଗଠିତ ବିଜେପି ସରକାର ସହଯୋଗରେ ଓଡ଼ିଶାରେ ପିଏମ୍ ଶ୍ରୀସ୍କୁଲ ଓ ପିଏମ ଉଷାକୁ କାର୍ଯ୍ୟକାରୀ କରାଯିବା ସହ ଶିକ୍ଷା ଭିତ୍ତିଭୂମିକୁ ସୁଦୃଢ଼ କରାଯିବ ବୋଲି କେନ୍ଦ୍ର ଶିକ୍ଷା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି। କେନ୍ଦ୍ର ସରକାରଙ୍କର ତୃତୀୟ ପାଳିରେ ଆଜି ବିଧିବଦ୍ଧ ଭାବେ ଶିକ୍ଷା ମନ୍ତ୍ରଣାଳୟର କାର୍ଯ୍ୟଭାର ଦାୟିତ୍ୱ ନେବା ପରେ ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ ଶ୍ରୀ ପ୍ରଧାନ କହିଛନ୍ତି, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କର ମାର୍ଗଦର୍ଶନରେ ଜାତୀୟ ଶିକ୍ଷା ନୀତିକୁ କାର୍ଯ୍ୟକାରୀ କରିବା ପାଇଁ ନୂଆ ନୂଆ ମାର୍ଗ ପ୍ରସ୍ତୁତ କରାଯିବ। ବାଲବାଟିକାରୁ ଆରମ୍ଭ କରି ଗବେଷଣା କ୍ଷେତ୍ର ପର୍ଯ୍ୟନ୍ତ ସମସ୍ତ କ୍ଷେତ୍ରରେ ଶିକ୍ଷାର ବିକାଶକୁ ତ୍ୱରାନ୍ୱିତ କରାଯିବ ।

ଓଡ଼ିଶାରେ ପ୍ରଧାନମନ୍ତ୍ରୀ ଉଚ୍ଚତର ଶିକ୍ଷା ଅଭିଯାନ (ପିଏମ-ଉଷା) ସମେତ ସରକାରୀ ସ୍କୁଲ ଗୁଡିକରେ ପିଏମ ଶ୍ରୀ ସ୍କୁଲଗୁଡ଼ିକୁ ସମ୍ପୂର୍ଣ୍ଣ ରୂପେ କାର୍ଯ୍ୟକାରୀ କରାଯିବ। ପିଏମ ଶ୍ରୀ ଯୋଜନାରେ ପ୍ରାୟ ୮୦୦ଟି ସରକାରୀ ସ୍କୁଲ ପିଏମ ଶ୍ରୀ ସ୍କୁଲରେ ବିକଶିତ ହେବା ସହ ୫ ବର୍ଷରେ ୧୬୦୦ କୋଟିରୁ ଅଧିକ ଟଙ୍କା କେନ୍ଦ୍ର ସରକାର ଅନୁମୋଦନ କରିବେ ବୋଲି ମନ୍ତ୍ରୀ ଶ୍ରୀ ପ୍ରଧାନ କହିଛନ୍ତି। ଓଡ଼ିଶାରେ ନବଗଠିତ ରାଜ୍ୟ ଏବଂ

କେନ୍ଦ୍ର ସରକାରର ମିଳିତ ଉଦ୍ୟମରେ ଶିକ୍ଷାକୁ ଅଗ୍ରାଧିକାର ଦିଆଯିବ ବୋଲି କେନ୍ଦ୍ର ଶିକ୍ଷାମନ୍ତ୍ରୀ ଶ୍ରୀ ପ୍ରଧାନ କହିଛନ୍ତି ।

***BBSR/Puri***

## ଶ୍ରୀମନ୍ଦିର ଚାରି ଦ୍ୱାର ଖୋଲିଲା

ରାଜ୍ୟ କ୍ୟାବିନେଟ୍‌ର ନିଷ୍ପତ୍ତିକ୍ରମେ ଆଜି ପୁରୀ ଶ୍ରୀମନ୍ଦିରର ୪ଟି ଦ୍ୱାର ଖୋଲାଯାଇଛି । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ସମେତ ମନ୍ତ୍ରି ପରିଷଦର ସମସ୍ତ ସଦସ୍ୟଙ୍କ ଉପସ୍ଥିତିରେ ଶ୍ରୀମନ୍ଦିରର ଚାରି ଦ୍ୱାର ଖୋଲାଯାଇଥିଲା । ଭକ୍ତ ଓ ଶ୍ରଦ୍ଧାଳୁମାନେ ଯେଭଳି ଶୃଙ୍ଖଳିତ ଭାବେ ଶ୍ରୀଜୀଉଙ୍କୁ ଦର୍ଶନ କରିପାରିବେ ସେ ନେଇ ସରକାର ସମସ୍ତ ବ୍ୟବସ୍ଥା କରିବେ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ । ସିଂହଦ୍ୱାର ଦେଇ ଭକ୍ତମାନେ ମନ୍ଦିର ମଧ୍ୟକୁ ପ୍ରବେଶ କରିପାରୁଥିଲେ ।

ଶ୍ରୀମନ୍ଦିର ୪ ଦ୍ୱାର ଖୋଲିବା ପରେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଏକ ଟୁଇଟ୍ ଜରିଆରେ କହିଛନ୍ତି, ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଆଶୀର୍ବାଦରୁ ଅଗଣିତ ଭକ୍ତଙ୍କ ଭାବାବେଗକୁ ସମ୍ମାନ ଜଣାଇ ଶ୍ରୀମନ୍ଦିର ଚାରି ଦ୍ୱାର ଖୋଲାଯାଇଛି ।

***GNR***

## ଧର୍ମେନ୍ଦ୍ର ପ୍ରଧାନ-ନିଟ୍

ସର୍ବଭାରତୀୟ ଡାକ୍ତରୀ ପ୍ରବେଶିକା ପରୀକ୍ଷା– ନିଟ୍-ପ୍ରଶ୍ନପତ୍ର ପ୍ରଘଟ ହୋଇନାହିଁ ବୋଲି କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି । ମନ୍ତ୍ରୀ ଶ୍ରୀ ପ୍ରଧାନ କହିଛନ୍ତି, ଛାତ୍ରଛାତ୍ରୀମାନଙ୍କୁ ନ୍ୟାୟ ଦେବା ପାଇଁ ଭାରତ ସରକାର

ଓ ଜାତୀୟ ପରୀକ୍ଷଣ ସଂସ୍ଥ– ଏନ୍‌ଟିଏ ପ୍ରତିଶ୍ରୁତିବଦ୍ଧ। ଛାତ୍ରଛାତ୍ରୀମାନେ ସ୍ୱଚ୍ଛତାର ସହ ନିଟ୍ ପରୀକ୍ଷା ଦେଇଛନ୍ତି। ପ୍ରଶ୍ନପତ୍ର ପ୍ରଘଟ ହେବାର ବର୍ତ୍ତମାନ ସୁଦ୍ଧା ପ୍ରମାଣ ମିଳିନାହିଁ। ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶ ଅନୁସାରେ, ବିହିତ ପଦକ୍ଷେପ ନିଆଯାଉଛି ବୋଲି ମନ୍ତ୍ରୀ ଶ୍ରୀ ପ୍ରଧାନ କହିଛନ୍ତି। ଅଭିଯୋଗର ତଦନ୍ତ ପାଇଁ ଏକ କମିଟି ଗଠନ କରାଯାଇଛି।

*HS*

## ନିଟ୍ ୟୁଜି– ସୁପ୍ରିମକୋର୍ଟ

ସୂଚନାଯୋଗ୍ୟ, ନିଟ୍ ୟୁଜି ମେଡିକାଲ ପ୍ରବେଶିକା ପରୀକ୍ଷାରେ ୧ ହଜାର ୫୬୩ ଜଣ ପରୀକ୍ଷାର୍ଥୀଙ୍କୁ ଦିଆଯାଇଥିବା ଗ୍ରେସ୍ ମାର୍କ ବାତିଲ କରାଯାଇଛି। ଆଜି କେନ୍ଦ୍ର ସରକାର ଏହି ବିଷୟ ସର୍ବୋଚ୍ଚ ନ୍ୟାୟାଳୟଙ୍କୁ ଅବଗତ କରାଇଛନ୍ତି। ବିଚାରପତି ବିକ୍ରମ ନାଥ ଏବଂ ସନ୍ଦୀପ ମେହେଟ୍ଟାଙ୍କୁ ନେଇ ଗଠିତ ଅବକାଶ କାଳୀନ ଖଣ୍ଡପୀଠ ଏହି ମାମଲାର ଶୁଣାଣି କରିଛନ୍ତି। ଜାତୀୟ ପରୀକ୍ଷଣ ସଂସ୍ଥା– ଏନ୍.ଟି.ଏ. ପକ୍ଷରୁ କୁହାଯାଇଛି, ଯେଉଁ ପରୀକ୍ଷାର୍ଥୀ ମାନଙ୍କୁ ଗ୍ରେସ୍ ମାର୍କ ଦିଆଯାଇଛି ସେମାନେ ଚଳିତ ମାସ ୨୩ରେ ପୁର୍ନବାର ପ୍ରବେଶିକା ପରୀକ୍ଷା ଦେଇପାରିବେ। ଜୁନ୍ ୩୦ ସୁଦ୍ଧା ଏହି ପରୀକ୍ଷାଫଳ ପ୍ରକାଶ ପାଇବ। ଯଦି ସେହି ଛାତ୍ରଛାତ୍ରୀଙ୍କ ମଧ୍ୟରୁ କେହି ଏହି ପରୀକ୍ଷା ନ ଦିଅନ୍ତି ତେବେ ସେ କ୍ଷେତ୍ରରେ ଗ୍ରେସ୍ ମାର୍କ ବିନା ମାର୍କସିଟ୍ ପ୍ରଦାନ କରାଯିବ। ତେବେ ସୁପ୍ରିମକୋର୍ଟ ପୁଣିଥରେ ନିଟ୍ କାଉନସେଲିଂ ଉପରେ ରୋକ୍ ଲଗାଇବାକୁ ମନା କରି ଦେଇଛନ୍ତି।

*Desk*

## ମୁଖ୍ୟମନ୍ତ୍ରୀ ଅସ୍ଥାୟୀ କାର୍ଯ୍ୟାଳୟ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜିଠାରୁ ରାଜ୍ୟ ଅତିଥି ଭବନରେ କାର୍ଯ୍ୟ ଆରମ୍ଭ କରିଛନ୍ତି। ରାଜ୍ୟ ଅତିଥି ଭବନର ପ୍ରଥମ ମହଲାରେ ମୁଖ୍ୟମନ୍ତ୍ରୀଙ୍କ ଅସ୍ଥାୟୀ କାର୍ଯ୍ୟାଳୟ କରାଯାଇଛି। ନୂଆ କାର୍ଯ୍ୟାଳୟ ହେବା ପର୍ଯ୍ୟନ୍ତ ମୁଖ୍ୟମନ୍ତ୍ରୀଙ୍କର କାର୍ଯ୍ୟାଳୟ ସେଠାରେ ଚାଲିବ। ପୁରୀରୁ ଫେରିବା ପରେ ମୁଖ୍ୟମନ୍ତ୍ରୀ ଅତିଥି ଭବନରେ ପହଞ୍ଚି ନିଜ କାର୍ଯ୍ୟ ଆରମ୍ଭ କରିବା ସହିତ ସରକାରୀ ଅଧିକାରୀମାନଙ୍କ ସହ ଏକ ବୈଠକ କରିଥିଲେ। ଏହାଛଡ଼ା ବିଭିନ୍ନ ଦଳର ନେତାମାନେ ରାଜ୍ୟ ଅତିଥି ଭବନରେ ମୁଖ୍ୟମନ୍ତ୍ରୀଙ୍କୁ ଭେଟି ସାକ୍ଷାତ ଆଲୋଚନା କରିଛନ୍ତି।

*Desk*

## ରାଜ୍ୟ ସଚିବାଳୟ- ସାମ୍ବାଦିକ ପ୍ରବେଶ ଅନୁମତି

ରାଜ୍ୟ ସଚିବାଳୟ ତଥା ଲୋକସେବା ଭବନକୁ ସାମ୍ବାଦିକମାନଙ୍କ ପ୍ରବେଶକୁ ଅନୁମତି ଦିଆଯାଇଛି। କୋଭିଡ୍ ପାଇଁ ୨୦୨୦ ମସିହାଠାରୁ ଲୋକସେବା ଭବନକୁ ସାମ୍ବାଦିକମାନଙ୍କ ପ୍ରବେଶ ଉପରେ କଟକଣା ଜାରି କରାଯାଇଥିଲା। ଗତକାଲି ରାଜ୍ୟରେ ନୂଆ ସରକାର ଗଠନ ହେବା ପରେ ଏହି ପ୍ରତିବନ୍ଧକ ହଟାଇ ଦିଆଯାଇଛି।

*Desk*

## ଓଡ଼ିଶା ଡାକବିଭାଗ-ସିବିଆଇ

ଓଡ଼ିଶା ଡାକ ବିଭାଗ ନିଯୁକ୍ତିରେ ସାର୍ଟିଫିକେଟ୍ ଜାଲିଆତି ଅଭିଯୋଗରେ ଆଜି କେନ୍ଦ୍ରୀୟ ତଦନ୍ତ ବ୍ୟୁରୋ- ସିବିଆଇ ୬୭ଟି ସ୍ଥାନରେ

ଚଢ଼ାଉ କରିଛି। ଭୁବନେଶ୍ୱର ଡାକସେବା ନିର୍ଦ୍ଦେଶାଳୟ ପକ୍ଷରୁ ଦିଆଯାଇଥିବା ଅଭିଯୋଗ ଆଧାରରେ ସିବିଆଇ ଅଧିକାରୀମାନେ ବିଭିନ୍ନ ସ୍ଥାନରେ ଚଢ଼ାଉ କରିବା ସହିତ ଗୁରୁତ୍ୱପୂର୍ଣ୍ଣ କାଗଜପତ୍ର ଜବତ କରି ଯାଞ୍ଚ କରୁଛନ୍ତି। କଳାହାଣ୍ଡି, ନୂଆପଡ଼ା, ରାୟଗଡ଼ା, ନବରଙ୍ଗପୁର, କନ୍ଧମାଳ, କେନ୍ଦୁଝର, ମୟୁରଭଞ୍ଜ, ବାଲେଶ୍ୱର ଏବଂ ଭଦ୍ରକ ଜିଲ୍ଲାର ବିଭିନ୍ନ ସ୍ଥାନରେ ଏହି ଚଢ଼ାଉ ଚାଲିଥିଲା। ଗତବର୍ଷ ଓଡ଼ିଶା ଡାକ ମଣ୍ଡଳରେ ଗ୍ରାମୀଣ ଡାକ ସେବକ ପରୀକ୍ଷାରେ ୧ ହଜାର ୩୮୨ଟି ପଦବୀ ପାଇଁ ପରୀକ୍ଷା ହୋଇଥିଲା। ଏଥିପାଇଁ ସର୍ବନିମ୍ନ ଯୋଗ୍ୟତା ଦଶମ୍ ପାସ୍ ରଖାଯାଇଥିଲା। ସାର୍ଟିଫିକେଟ୍ ଯାଞ୍ଚ ସମୟରେ କେତେକ ପରୀକ୍ଷାର୍ଥୀ ନକଲି ଦଶମ ପାସ୍ ପ୍ରମାଣପତ୍ର ଦାଖଲ କରିଥିବା ଅଭିଯୋଗ ପରେ ମାମଲା ରୁଜୁ ହୋଇଥିଲା। ସିବିଆଇ ପକ୍ଷରୁ ବର୍ତ୍ତମାନ ଏହି ଯାଞ୍ଚ ପ୍ରକ୍ରିୟା ଜାରି ରହିଛି।

***Desk***

## ରାସନ କାର୍ଡ-ଆଧାର ସଂଯୋଗୀକରଣ

ସାଧାରଣ ବଣ୍ଟନ ବ୍ୟବସ୍ଥା ଅଧୀନରେ ରାସନ୍ କାର୍ଡକୁ ଆଧାର ସହ ସଂଯୋଗ କରିବା ନିମନ୍ତେ ସମୟସୀମା ବୃଦ୍ଧି କରାଯାଇଛି। କେନ୍ଦ୍ର ସରକାର ଏଥିପାଇଁ ସମୟସୀମା ଚଳିତ ବର୍ଷ ସେପ୍ଟେମ୍ବର ୩୦ ତାରିଖ ପର୍ଯ୍ୟନ୍ତ ବୃଦ୍ଧି କରିଛନ୍ତି। ପୂର୍ବରୁ ଏହି ସମୟସୀମା ଜୁନ୍ ୩୦ ତାରିଖ ପର୍ଯ୍ୟନ୍ତ ଥିଲା। ୨୦୧୭ ଫେବୃଆରୀରେ ସାଧାରଣ ବଣ୍ଟନ ବ୍ୟବସ୍ଥା ଅଧୀନରେ ଲାଭ ପାଇବା ପାଇଁ ରାସନ କାର୍ଡକୁ ଆଧାର ସହ ସଂଯୋଗ କରିବା ବାଧ୍ୟତାମୂଳକ କରାଯାଇଥିଲା। ଏହି ସମ୍ପର୍କିତ ବିଜ୍ଞପ୍ତି ଅନୁଯାୟୀ, ହିତାଧିକାରୀମାନଙ୍କୁ ରାସନ କାର୍ଡକୁ ଆଧାର ସହ ସଂଯୋଗ କରିବାକୁ

ପଡ଼ିବ । ଯଦି ଆଧାର ନଥାଏ ତେବେ ହିତାଧିକାରୀଙ୍କୁ ଆବେଦନ କରିବାକୁ ପଡ଼ିବ ।

*Boudh*

## ଆଇନ ସଚେତନତା ସଭା

ବୌଦ୍ଧ ଜିଲ୍ଲା ଆଇନସେବା ପ୍ରାଧିକରଣ ପକ୍ଷରୁ ବୀରନରସିଂହପୁର ସ୍ଥିତ ରାମକୃଷ୍ଣ ବାଳାଶ୍ରମଠାରେ ଏକ ଆଇନ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି । ଶିଶୁମାନଙ୍କ ସୁରକ୍ଷା ପାଇଁ ଶିଶୁଶ୍ରମ ନିଷେଧ ନିୟମାବଳୀ ମାଗଣା ଏବଂ ବାଧ୍ୟତାମୂଳକ ଶିକ୍ଷାଗତ ଅଧିକାର ସହିତ ଅନ୍ୟ କେତେକ ପ୍ରସଙ୍ଗ ସମ୍ବନ୍ଧୀୟ ଆଇନ ସମ୍ପର୍କରେ ଶିବିରରେ ଆଲୋଚନା ହୋଇଥିଲା । ଶିଶୁମାନଙ୍କ ସୁରକ୍ଷା ଏବଂ ଉନ୍ନତି ପାଇଁ ସରକାରଙ୍କ ଦ୍ୱାରା ପ୍ରଣୟନ ହୋଇଥିବା ବିଭିନ୍ନ ଆଇନ ଉପରେ ଜନସାଧାରଣଙ୍କୁ ସଚେତନ କରାଯାଇଥିଲା । ଜିଲ୍ଲା ଆଇନସେବା ପ୍ରାଧିକରଣର ସଚିବ ଶାଶ୍ୱତି ମିଶ୍ରଙ୍କ ଅଧ୍ୟକ୍ଷତାରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।

*Kendrapra*

## ବିପର୍ଯ୍ୟୟ ମୁକାବିଲା ବୈଠକ

ବନ୍ୟା, ବାତ୍ୟା ଓ ମରୁଡ଼ିର ସଫଳ ମୁକାବିଲା ପାଇଁ କେନ୍ଦ୍ରାପଡ଼ା ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଆଜି ଜିଲ୍ଲାସ୍ତରୀୟ ପ୍ରାକୃତିକ ବିପର୍ଯ୍ୟୟ କମିଟିର ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାପାଳ ସୂର୍ଯ୍ୟବଂଶୀ ମୟୂର ବିକାଶଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ପାଟକୁରା ବିଧାୟକ ଅରବିନ୍ଦ ମହାପାତ୍ର, କେନ୍ଦ୍ରାପଡ଼ା ବିଧାୟକ ଗଣେଶ୍ୱର ବେହେରା, ରାଜନଗର ବିଧାୟକ ଧ୍ରୁବଚରଣ ସାହୁ, ମହାକାଳପଡ଼ା

ବିଧାୟକ ଦୁର୍ଗାପ୍ରସନ୍ନ ନାୟକଙ୍କ ସମେତ ଜିଲ୍ଲାର ସମସ୍ତ ବ୍ଲକ ଓ ମ୍ୟୁନିସିପାଲଟିର ଅଧ୍ୟକ୍ଷ ଏବଂ ଜନପ୍ରତିନିଧିମାନେ ଯୋଗଦେଇଥିଲେ। ପ୍ରାକୃତିକ ବିପର୍ଯ୍ୟୟ ସମୟରେ ସଂଘବଦ୍ଧ ଭାବେ ମୁକାବିଲା କରିବା ପାଇଁ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ। ସୂଚନାଯୋଗ୍ୟ, କେନ୍ଦ୍ରାପଡ଼ା ଜିଲ୍ଲାରେ ୧୨୩ଟି ବହୁମୁଖୀ ବାତ୍ୟା ଆଶ୍ରୟସ୍ଥଳ ରହିଛି।

***Malkangiri***

## ଶିଶୁ ଶ୍ରମିକ ଉଦ୍ଧାର

ମାଲକାନଗିରି ଜିଲ୍ଲା ପ୍ରଶାସନ ପକ୍ଷରୁ ଆଜି ସଦର ମହକୁମାର ବିଭିନ୍ନ ବ୍ୟବସାୟିକ ପ୍ରତିଷ୍ଠାନରେ ଚଢ଼ଉ କରାଯାଇ ୪ ଜଣ ଶିଶୁ ଏବଂ ଦୁଇ ଜଣ କିଶୋର ଶ୍ରମିକଙ୍କୁ ଉଦ୍ଧାର କରାଯାଇଛି। ଜିଲ୍ଲା ଶ୍ରମ ଆୟୁକ୍ତ ଏବଂ ପୁଲିସର ସହଯୋଗରେ ଚଢ଼ଉ କରାଯାଇଥିଲା।

***Desk***

## ଜାତୀୟ ର୍‍ୟାଙ୍କିଂ ସନ୍ତରଣ ଚମ୍ପିଆନସିପ୍

ଦ୍ୱିତୀୟ ଓଡ଼ିଶା ଜାତୀୟ ର୍‍ୟାଙ୍କିଂ ସନ୍ତରଣ ଚମ୍ପିଆନସିପ୍‌ରେ ରାଜ୍ୟର ସନ୍ତରଣକାରୀମାନେ ୧୬ଟି ପଦକ ହାସଲ କରିଛନ୍ତି। ରାଜ୍ୟ କ୍ରୀଡ଼ା ଓ ଯୁବ ସେବା ବିଭାଗ ଦ୍ୱାରା ଆୟୋଜିତ ଏହି ପ୍ରତିଯୋଗିତାରେ ୫ଟି ଲେଖାଏଁ ସ୍ୱର୍ଣ୍ଣ ଓ କାଂସ୍ୟ ପଦକ ଥିବାବେଳେ ୬ଟି ରୌପ୍ୟ ପଦକ ରହିଛି। ସୃଷ୍ଟି ଉପାଧ୍ୟାୟ ୫୦, ୧୦୦ ଓ ୨୦୦ ମିଟର ବଟରଫ୍ଲାଏ ଇଭେଣ୍ଟରେ ୩ଟି ସ୍ୱର୍ଣ୍ଣ ପଦକ ଜିତିଛନ୍ତି। ସେହିପରି ମନ୍ନତା ମିଶ୍ର ୨ଟି ସ୍ୱର୍ଣ୍ଣ ଓ ଗୋଟିଏ ରୌପ୍ୟ, ପ୍ରତ୍ୟାଶା ରାୟଙ୍କୁ ୨ଟି ରୌପ୍ୟ ଓ ଦିବ୍ୟାଙ୍କା ପ୍ରଧାନଙ୍କୁ ୩ଟି ରୌପ୍ୟ ଓ ଗୋଟିଏ କାଂସ୍ୟ ପଦକ ମିଳିଛି।

*Desk*

# ପାଣିପାଗ

ରାଜ୍ୟରେ ମୌସୁମୀ ବାୟୁ ଅଗ୍ରସର ହେଉ ନାହିଁ ବୋଲି ଭୁବନେଶ୍ୱରସ୍ଥିତ ଆଞ୍ଚଳିକ ପାଣିପାଗ ବିଜ୍ଞାନକେନ୍ଦ୍ରର ନିର୍ଦ୍ଦେଶିକା ମନୋରମା ମହାନ୍ତି କହିଛନ୍ତି। ଅନ୍ୟପକ୍ଷରେ ରାଜ୍ୟର ପଶ୍ଚିମ ଏବଂ ଉପକୂଳ ଅଞ୍ଚଳରେ ଗ୍ରୀଷ୍ମପ୍ରବାହ ଜାରି ରହିଛି। ବିଶେଷ କରି, ପଶ୍ଚିମ ଓଡ଼ିଶାର ଜିଲ୍ଲାଗୁଡ଼ିକରେ ଆଗାମୀ ଦୁଇଦିନ ପର୍ଯ୍ୟନ୍ତ ଗ୍ରୀଷ୍ମ ପ୍ରବାହ ଜାରି ରହିବ ବୋଲି ପାଣିପାଗ ବିଭାଗ ପକ୍ଷରୁ ଅନୁମାନ କରାଯାଇଛି।